# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**21 September – 2025**

## ଗଣଦୌଡ଼

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଜନ୍ମଦିବସ ଅବସରରେ ଆଜି ଦେଶର ୭୫ଟି ସହରରେ ନିଶାମୁକ୍ତ ଭାରତର ବାର୍ତ୍ତା ନେଇ ଗଣଦୌଡର ଆରମ୍ଭ ହେଉଛି। ଏହି କ୍ରମରେ ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରୁ ଜନତା ମୈଦାନ ପର୍ଯ୍ୟନ୍ତ ଏକ ବିଶାଳ ଗଣଦୌଡ଼କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପତାକା ଦେଖାଇ ଶୁଭାରମ୍ଭ କରିବେ। ପ୍ରଧାନମନ୍ତ୍ରୀଙ୍କ ଜନ୍ମଦିନ ଅବସରରେ ମହତ ବାର୍ତ୍ତା ନେଇ ଆୟୋଜିତ ହୋଇଥିବା ଏହି ଗଣଦୌଡ଼ରେ ୭୫ଟି ଯାକ ସହରରେ ପାଖାପାଖି ୧୦ ଲକ୍ଷ ଯୁବଗୋଷ୍ଠି ଏବଂ ଛାତ୍ରଛାତ୍ରୀ ସାମିଲ ହୋଇଛନ୍ତି ।

## ଅଙ୍ଗନବାଡି କେନ୍ଦ୍ର ସ୍ଥାପନ

ରାଜ୍ୟରେ ୬ହଜାର ୨୬୪ ନୂଆ ଅଙ୍ଗନବାଡି କେନ୍ଦ୍ର ସ୍ଥାପନ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁବିକାଶ ବିଭାଗ ମନ୍ତ୍ରୀ ପ୍ରଭାତି ପରିଡ଼ା କହିଛନ୍ତି । ବିଧାନସଭାରେ ଗତକାଲି ଏ ସଂକ୍ରାନ୍ତ ଏକ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଛନ୍ତି ଜିଲାଓ୍ୱାରୀ ଆସିଥିବା ପ୍ରସ୍ତାବ ଯାଞ୍ଚ ପରେ ଏହି ନୂତନ ଅଙ୍ଗନବାଡି କେନ୍ଦ୍ର ସ୍ଥାପନ ନେଇ ରାଜ୍ୟ ସରକାର କେନ୍ଦ୍ରର ଅନୁମୋଦନ ଲୋଡିଛନ୍ତି ।

# ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆସନ୍ତା ୨୭ ତାରିଖରେ ବ୍ରହ୍ମପୁର ଗସ୍ତକୁ ଦୃଷ୍ଟିରେ ରଖି ଏକ ପ୍ରସ୍ତୁତି ବୈଠକ ଗତକାଲି ଲୋକସେବା ଭବନରେ ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପ୍ରଧାନମନ୍ତ୍ରୀଙ୍କ ଗସ୍ତ କାର୍ଯ୍ୟସୂଚୀ ନେଇ ବିସ୍ତୃତ ଆଲୋଚନା ହୋଇଛି । ଏହି ଗସ୍ତ ଅବସରରେ ପ୍ରଧାନମନ୍ତ୍ରୀ ଶ୍ରୀ ମୋଦୀ ବ୍ରହ୍ମପୁରଠାରେ ଜାତୀୟସ୍ତରୀୟ ସେବାପର୍ବ କାର୍ଯ୍ୟକ୍ରମରେ ଯୋଗଦେଇ ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟ୍‌ନ ଓ ଶିଳାନ୍ୟାସ କରିବାର କାର୍ଯ୍ୟକ୍ରମ ରହିଛି ।

## ଜନଅଭିଯୋଗ ଶୁଣାଣୀ

ମୁଖ୍ୟମନ୍ତ୍ରୀଙ୍କର ଜନଅଭିଯୋଗ ଶୁଣାଣୀ ଆସନ୍ତାକାଲି ବନ୍ଦ ରହିବ। ସପ୍ତଦଶ ବିଧାନସଭାର ଚତୁର୍ଥ ଅଧିବେଶନ ବଳବତ୍ତର ଥିବାରୁ ଅଭିଯୋଗ ଶୁଣାଣୀ ବନ୍ଦ ରହିବା ନେଇ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ପରବର୍ତ୍ତୀ ଶୁଣାଣୀର ତାରିଖ ଜନସାଧାରଣଙ୍କୁ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ।

# କୃଷି ଫସଲ କିସମ

କୃଷି ଓ କୃଷକ ସଶକ୍ତିକରଣ ବିଭାଗ ଦ୍ୱାରା ଉଚ୍ଚ ଗୁଣବତ୍ତା ସମ୍ପନ୍ନ ୧୫ଟି ଉଦ୍ୟାନ କୃଷି ଫସଲ କିସମ ଅନୁମୋଦିତ ହୋଇଛି । ବିଭାଗୀୟ ପ୍ରମୁଖ ଶାସନ ସଚିବ ଡକ୍ଟର ଅରବିନ୍ଦ କୁମାର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଗତକାଲି

ଅନୁଷ୍ଠିତ ରାଜ୍ୟ ବିହନ ଉପକମିଟିର ଏକ ବୈଠକରେ ଏହି ଫସଲ କିସମକୁ ଅନୁମୋଦନ କରାଯାଇଛି ।

## ମହାଳୟ ଅମାବାସ୍ୟା

ଦେଶବ୍ୟାପୀ ଆଜି ପବିତ୍ର ମହାଳୟା ଅମାବାସ୍ୟା ପାଳନ କରାଯିବ। ଆଶ୍ୱିନ ମାସ କୃଷପକ୍ଷ ପ୍ରତିପଦା ତିଥିଠାରୁ ଅମାବାସ୍ୟା ପର୍ଯ୍ୟନ୍ତ ୧୫ ଦିନକୁ ପିତୃପକ୍ଷ ଭାବେ ପାଳନ କରାଯାଉଛି। ଏହି ପକ୍ଷରେ ଶ୍ରାଦ୍ଧ ଓ ତିଳତର୍ପଣ କଲେ ପିତୃପୁରୁଷ ମୁକ୍ତିଲାଭ କରିଥାନ୍ତି ବୋଲି ବିଶ୍ୱାସ ରହିଛି।

## ସମଲେଶ୍ୱରୀ ଧବଳମୁଖୀ ବେଶ

ସମ୍ବଲପୁରର ଅଧିଷ୍ଠାତ୍ରୀ ଦେବୀ ମା' ସମଲେଶ୍ୱରୀ ଆଜି ପବିତ୍ର ମହାଳୟା ତିଥିରେ ଧବଳମୁଖୀ ବେଶରେ  ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଉଛନ୍ତି। ଭୋର୍ ୫ଟାରୁ ଆରମ୍ଭ ହୋଇଥିବା ଦର୍ଶନ ପୂର୍ବାହ୍ନ ୧୧ଟା ୪୫ ମିନିଟ୍ ପର୍ଯ୍ୟନ୍ତ ଚାଲିବ ବୋଲି ମନ୍ଦିର ଟ୍ରଷ୍ଟ ବୋର୍ଡ ପକ୍ଷରୁ ସୂଚନା ଦିଆଯାଇଛି ।

# ଧାଡ଼ି ଦର୍ଶନ

କାର୍ତ୍ତିକମାସ ପରେ ପୁରୀ ଶ୍ରୀମନ୍ଦିରରେ ପରୀକ୍ଷାମୂଳକ ଭାବେ ଧାଡ଼ି ଦର୍ଶନ ବ୍ୟବସ୍ଥା କରାଯିବ । ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କ ଅଧ୍ୟକ୍ଷତାରେ ଗତ ସଂଧ୍ୟାରେ ଛତିଶା ନିଯୋଗ ଏବଂ ନୀତି ସବ୍‌କମିଟିର ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି । ଏଥିପାଇଁ ମାର୍ଗଦର୍ଶିକା ପ୍ରସ୍ତୁତ କରାଯାଉଛି । ଦିବ୍ୟାଙ୍ଗଙ୍କ ଦର୍ଶନ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା ଉପରେ ବୈଠକରେ ଆଲୋଚନା

ହୋଇଛି । ଶ୍ରୀମନ୍ଦିର ନୀତିଶୃଙ୍ଖଳା ଅନୁପାଳନ ନେଇ ପ୍ରତ୍ୟେକ ବୁଧବାର ସମନ୍ୱୟ କମିଟି ବୈଠକ ଅନୁଷ୍ଠିତ ହେବ ବୋଲି ନିଷ୍ପତ୍ତି ହୋଇଛି ।

# ବାଲିଯାତ୍ରା

ଚଳିତବର୍ଷ ଐତିହାସିକ ବାଲିଯାତ୍ରା କଟକ ଆୟୋଜନ ନେଇ ଏକ ପ୍ରସ୍ତୁତି ବୈଠକ ଗତକାଲି ଅନୁଷ୍ଠିତ ହୋଇଯାଇଛି । ନଭେମ୍ବର ୫ ତାରିଖରୁ ୧୨ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବା ଏହି ଐତିହାସିକ ଯାତ୍ରା ଅବସରରେ ବିଭିନ୍ନ ପ୍ରସଙ୍ଗରେ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି । ଜାତୀୟ ଗ୍ରୀନ୍ ଟ୍ରିବ୍ୟୁନାଲ ଏବଂ ଓଡ଼ିଶା ହାଇକୋର୍ଟଙ୍କ ନିର୍ଦ୍ଦେଶାବଳୀ ଅନୁଯାୟୀ ବାଲିଯାତ୍ରା ଆୟୋଜନ ନେଇ ବୈଠକରେ ମତ ବିନିମୟ ହୋଇଛି ।

# ଚିତ୍ରକଳା ପ୍ରତିଯୋଗିତା

ସେବା ପର୍ବ ୨୦୨୫ ପାଳନ ଅବସରରେ ନୟାଗଡ ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ଚିତ୍ରକଳା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ବିକଶିତ ଭାରତ ୨୦୪୭ ପ୍ରସଙ୍ଗ ଆଧାରିତ ଏହି ପ୍ରତିଯୋଗିତାରେ ବିଦ୍ୟାଳୟ ଓ ମହାବିଦ୍ୟାଳୟ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ ।

ସୁବର୍ଣ୍ଣପୁର ଜିଲ୍ଲା ସଂସ୍କୃତି ଭବନଠାରେ ଏହି ଉପଲକ୍ଷେ ଆୟୋଜିତ ଜିଲ୍ଲାସ୍ତରୀୟ ଚିତ୍ରକଳା ପ୍ରତିଯୋଗିତାରେ କୃତୀ ପ୍ରତିଯୋଗିଙ୍କୁ ପୁରସ୍କୃତ କରାଯାଇଛି ।

ଖୋର୍ଦ୍ଧା ବକ୍ସିଜଗବନ୍ଧୁ ଉଚ୍ଚ ବିଦ୍ୟାଳୟଠାରେ ଆୟୋଜିତ ପ୍ରତିଯୋଗିତାରେ ବିଦ୍ୟାଳୟ ସ୍ତରରେ ୩୦ଜଣ ଏବଂ ମହାବିଦ୍ୟାଳୟ ସ୍ତରରେ ୪୮ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତା ଗୁଡ଼ିକରେ କୃତୀତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀ ଆସନ୍ତା ୨୫ ତାରିଖରେ ଭୁବନେଶ୍ୱରଠାରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ ।

## ହକି

ଭାରତୀୟ କନିଷ୍ଠ ମହିଳା ହକି ଦଳର ଆଗାମୀ ଅଷ୍ଟ୍ରେଲିଆ ଗସ୍ତ ନେଇ ୨୩ଜଣିଆ ଦଳ ଘୋଷଣା କରାଯାଇଛି । ହକିଇଣ୍ଡିଆ ପକ୍ଷରୁ ଗତକାଲି ଘୋଷିତ ଏହି ଦଳରେ ଓଡ଼ିଶାର ୪ଜଣ ଖେଳାଳି ସ୍ଥାନ ପାଇଛନ୍ତି । ଆସନ୍ତା ୨୬ ତାରିଖରୁ ଅକ୍ଟୋବର ୨ ତାରିଖ ପର୍ଯ୍ୟନ୍ତ ଏହି ଗସ୍ତ ଅବସରରେ ୫ଟି ମ୍ୟାଚ୍ ଖେଳାଯିବ ।

## ପାଣିପାଗ

ଉତ୍ତର ଆଣ୍ଡାମାନ ସାଗର ଓ ଏହାର ପାର୍ଶ୍ୱବର୍ତ୍ତୀ ମ୍ୟାଁମାର ଉପକୂଳରେ ଏକ ଘୂର୍ଣ୍ଣିବଳୟ କ୍ଷେତ୍ର ସୃଷ୍ଟି ହୋଇଛି । ଉତ୍ତର-ଉତ୍ତରପଶ୍ଚିମ ଦିଗରେ ଗତିକରି ଆସନ୍ତାକାଲି ସୁଦ୍ଧା ଏହା ଉତ୍ତର ବଙ୍ଗୋପସାଗର ଅଞ୍ଚଳରେ ପହଞ୍ଚିବ ।

ଏ ସମ୍ପର୍କରେ ଅଧିକ ସୂଚନା ଦେଇ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶକ ଡକ୍ଟର ମନୋରମା ମହାନ୍ତି କହନ୍ତି...

**V/O**